ଓଡିଶା ରାଜ୍ୟ ଅର୍ଥ ନିଗମ
ଓ.ଏମ.ପି ଛକ, କଟକ - ୭୫୩୦୦୩

# ବିକ୍ରୟ ବିଜ୍ଞାପନ

ବିଜ୍ଞାପନ ନଂ.**DDAC**/୦୬/୧୮-୧୯ ତା ୦୮/୧୧/୨୦୧୮

ଓଡିଶା ରାଜ୍ୟ ଅର୍ଥ ନିଗମ ନିର୍ଦ୍ଧାରିତ ଜଉମୁଦ ଦିଆ ଟେଣ୍ଡର ଫର୍ମ ମାଧ୍ୟମରେ **ତା ୨୬/୧୧/୨୦୧୮** ସମୟ ଦିବା ୧୧.୦୦ ଘଟିକାରେ ଓଡିଶା ରାଜ୍ୟ ଅର୍ଥ ନିଗମ, ମୁଖ୍ୟ କାର୍ଯ୍ୟାଳୟ, ଓ.ଏମ.ପି ଛକ, କଟକ - ୦୩ ଠାରେ ହେବାକୁ ଥିବା **Default-cum-Disposal Advisory Committee (DDAC)** ଦ୍ଵାରା ନିମ୍ନୋକ୍ତ ଜବତ ସ- ତ୍ତିକୁ ଯେଉଁଠାରେ ଯେଉଁଭଳି ଅଛି ସେହି ଅବସ୍ଥାରେ ବିକ୍ରୟ ପାଇଁ ଦରଖାସ୍ତ ଆହ୍ଵାନ କରୁଅଛି। ନିର୍ଦ୍ଧାରିତ ଟେଣ୍ଡର ଦରଖାସ୍ତ ଫର୍ମ, ବିକ୍ରୟର ନିୟମ ଓ ସର୍ତ୍ତାବଳୀ, ସ୍ଥାବର/ଅସ୍ଥାବର ସ- ତ୍ତିର ବିଶଦ ବିବରଣୀ ଟେଣ୍ଡର ପକାଇବାର ପ୍ରଣାଳୀ ଇତ୍ୟାଦି ଗୁଡିକ ଆମ୍ଭର ୱେବ୍ ସାଇଟ୍ www.osfcindia.com ରୁ ସଂଗ୍ରହ କରି ହେବ । ଟେଣ୍ଡର ଫର୍ମ କୁ ସଠିକ୍ ଭାବେ ପୁରଣ କରି **ତା ୨୪/୧୧/୨୦୧୮** ସମୟ ଅପରାହ୍ନ ୫ ଘଟିକା ମଧ୍ୟରେ ଆମ୍ଭ କଟକ ସ୍ଥିତ ମୁଖ୍ୟ କାର୍ଯ୍ୟାଳୟର ଟେଣ୍ଡର ବାକ୍ସରେ ପକାଇବାକୁ ହେବ କିମ୍ବା Registered Post/Speed Post ମାଧ୍ୟମରେ ତଳଲିଖିତ ଠିକଣାରେ ପଠାଇ ପାରିବେ। କୌଣସି ଟେଣ୍ଡର ଆବେଦନ ପତ୍ର ଯଦି ବିଳମ୍ବରେ ଏବଂ ନିର୍ଦ୍ଧାରିତ ଅମାନତ ଜମା ବିନା ଏବଂ ଠିକ୍ ଭାବରେ ପୁରଣ କରାଯାଇ ନ ଥିବ ତେବେ ତାହା ନାକଚ ହୋଇଯିବ।

ନିଲାମଧାରୀ ସେମାନଙ୍କର ପରିଚୟ ପତ୍ରର ପ୍ରମାଣ ସହ ନିଜେ କିମ୍ବା ତାଙ୍କର ସ୍ଵିକୃତ ପ୍ରତିନିଧି ମାଧ୍ୟମରେ **DDAC** ରେ ଉପସ୍ଥିତ ହେବେ ଏବଂ ଯେଉଁ ମାନଙ୍କର ନିଲାମ ଡାକ ସର୍ବାଧିକ ହେବ ସେମାନେ ଘୋଷିତ ହୋଇଥିବା ସ- ତ୍ତିର ସଂରକ୍ଷିତ ମୂଲ୍ୟ ବା ରାଜି ହୋଇଥିବା ନିଲାମ ମୂଲ୍ୟର ୨୫ ପ୍ରତିଶତ ଅମାନତ ଭାବେ ପୁର୍ବରୁ ଦେଇଥିବା ଅମାନତ ଜମାକୁ ବାଦ୍ ଦେଇ ସେହିଠାରେ ବ୍ୟାଙ୍କ ଡ୍ରାଫ୍ଟ/ପେ ଅର୍ଡର/ବ୍ୟାଙ୍କର ଚେକ୍/ନଗଦ ଟଙ୍କା ଜମା ଭାବେ ଦେବାକୁ ହେବ। ଯଦି ନିଲାମଧାରୀ ଏହି ସର୍ତ୍ତକୁ ପାଳନ ନ କରନ୍ତି ତେବେ ତାଙ୍କର ଅମାନତ ଜମା ବ୍ୟାଜ୍ୟାପ୍ତି ହୋଇଯିବ। ବିକ୍ରୟ ସ- ତ୍ତିର ବଳକା ଦେୟ ପତ୍ର ମାଧ୍ୟମରେ କ୍ରେତାଙ୍କୁ ଅବଗତ କରାଯିବ ଏବଂ ସେମାନେ ବିକ୍ରୟ ପତ୍ର ପ୍ରେରଣର ୩୦ ଦିନ ମଧ୍ୟରେ ଉକ୍ତ ଟଙ୍କା ଜମା ଦେବାକୁ ହେବ। ଯଦି କ୍ରେତା ନିର୍ଦ୍ଧାରିତ ସମୟ ମଧ୍ୟରେ ଉକ୍ତ ଦେୟ ଦେଇ ନ ପାରନ୍ତି ତେବେ ସେ ଦେଇଥିବା ଜମାକୁ ମଧ୍ୟ ନିଗମ ବ୍ୟାଜ୍ୟାପ୍ତି କରିପାରିବ।

ଉକ୍ତ ସ- ତ୍ତିର କୌଣସି ଅଂଶ କିମ୍ବା ସମସ୍ତ କ୍ରୟ ପ୍ରସ୍ତାବକୁ ଗ୍ରହଣ କିମ୍ବା ନାକଚ କରିବା ନିଷ୍ପତ୍ତି ନିଗମର ଇଚ୍ଛାଧୀନ ଅଟେ ଏବଂ କୌଣସି କାରଣ ନ ଦର୍ଶାଇ ମଧ୍ୟ ନିଗମ ଉକ୍ତ ସ- ତ୍ତିକୁ ଋଣଗ୍ରହିତାଙ୍କୁ ଫେରସ୍ତ କରିପାରିବ।

## ବିକ୍ରୟ ସମ୍ପତ୍ତିର ବିବରଣୀ

| କ୍ରମାଙ୍କ | ଶିଳ୍ପର / ଋଣ ଗ୍ରହିତାଙ୍କ ନାମ /ସଂରକ୍ଷିତ ମୂଲ୍ୟ | ଅମାନତ ଜମା |
|---|---|---|
| ୦୧ | ମେସର୍ସ ଆଖଣ୍ଡଳମଣୀ ଟେକ୍ସଟାଇଲ୍ସ, ଗ୍ରାମ-ସୁକଳ, ପୋଷ୍ଟ - ମନ୍ଦାରୀ, ଥାନା-ବରୀ, ଯାଜପୁର (ଜ .) ସଂ.ମୂ - ଟ. ୪.୪୩ ଲକ୍ଷ (ପାରାଦୀପ ଶାଖା) | ଟ. ୨୨,୨୦୦/- |
| ୦୨ | ଶ୍ରୀ ଉମାକାନ୍ତ ସାହୁଙ୍କ **Tractor & Trolley Regd. No. 0R-04-B-8385, model - 2001** (Kept at Central Garage Cuttack) ସଂ.ମୂ-ଟ.୦.୭୫ ଲକ୍ଷ (ପାରାଦୀପ ଶାଖା) | ଟ. ୩,୮୦୦/- |
| ୦୩ | ମେସର୍ସ ମା କାଳୀ ରାଇସ୍ ମିଲ୍, ଅରଖପୁର, ପୁରୁଷୋତ୍ତମପୁର, ଗଞ୍ଜାମ (ଜ.ଗୃ.) ସଂ.ମୂ - ଟ. ୪.୬୧ ଲକ୍ଷ (ବ୍ରହ୍ମପୁର ଶାଖା) | ଟ. ୨୩,୧୦୦/- |
| ୦୪ | ମେସର୍ସ ପଦ୍ମାବତୀ ମଡର୍ଣ୍ଣ ରାଇସ୍ ମିଲ୍, ମୌ- କାଳିମେଳା, ମାଲାକାନାଗିରି ଙ୍କ ସ୍ଥାବର ସଂପତ୍ତି (**Collteral Security**) (ଜ.ଗୃ.) ସଂ.ମୂ - ଟ. ୯.୨୫ ଲକ୍ଷ (ବ୍ରହ୍ମପୁର ଶାଖା) | ଟ. ୪୬,୩୦୦/- |

ଋଣ ଗ୍ରହିତା/ଜାମିନ ଦାତା/ବନ୍ଧକ ଦାତାଙ୍କୁ ଏତଦ୍ଵାରା ବିଜ୍ଞାପନ ଜାରି ମାଧ୍ୟମରେ ଅନୁରୋଧ କରାଯାଉଅଛି ଯେ ସେ ନିଜେ କିମ୍ବା ତାଙ୍କର ସ୍ଵିକୃତପ୍ରାପ୍ତ ପ୍ରତିନିଧି ଜରିଆରେ ନିଗମର ଉଉଆଇ ସମ୍ମୁଖରେ ନିର୍ଦ୍ଧାରିତ ସମୟ, ତାରିଖ ଓ ସ୍ଥାନ ରେ ହାଜର ହୋଇ ଋଣ ପରିଶୋଧ କରି ସେମାନଙ୍କର ଜବତ ସ- ତ୍ତିକୁ ମୁକୁଳାଇବା ପାଇଁ ପ୍ରସ୍ତାବ ଦେବେ। ସେ ମଧ୍ୟ ନିଜ ଇଚ୍ଛାନୁଯାୟୀ ଉପଯୁକ୍ତ ଗ୍ରାହକ ଯୋଗାଡ କରି ଓ ଉପର ବିହିତ ମାଧ୍ୟମରେ ଟେଣ୍ଡର ପ୍ରଦାନ କରି ନିଲାମରେ ଭାଗନେଇ ତାଙ୍କ ସ- ତ୍ତିକୁ ଉପଯୁକ୍ତ ମୂଲ୍ୟରେ ବିକ୍ରି କରିବାରେ ସୁଯୋଗ ନେଇ ପାରିବେ। ଯଦି ସେମାନେ ଉଉଆଇ ସମ୍ମୁଖରେ ଉପସ୍ଥିତ ନ ହୁଅନ୍ତି କିମ୍ବା ନିଗମକୁ ସନ୍ତୁଷ୍ଟ କଲାଭଳି ପ୍ରସ୍ତାବ ନ ଦିଅନ୍ତି ତେବେ ଧରାଯିବଯେ ସେମାନଙ୍କର ସ- ତ୍ତି ମୁକୁଳାଇବାର ଉଦ୍ଦେଶ୍ୟ ନାହିଁ। ନିଗମ ଋଣ ଗ୍ରହିତା/ଜାମିନ ଦାତା/ବନ୍ଧକ ଦାତାଙ୍କୁ ବ୍ୟକ୍ତିଗତ ନୋଟିସ୍ ଦେବାକୁ ବାଧ୍ୟ ନୁହେଁ ଏବଂ ଏହି ବିଜ୍ଞାପନ ସେମାନଙ୍କର ଅବଗତ ନିମନ୍ତେ ଯଥେଷ୍ଟ।

ବିକ୍ରୟ ବିଜ୍ଞାପନ ଏବଂ ୱେବ୍ ସାଇଟ୍ ରେ ପ୍ରକାଶିତ ହୋଇଥିବା ତଥ୍ୟ ଜନିତ ତୃଟି ମାର୍ଜ୍ଜନୀୟ।

ବି:ଦ୍ର -
ଜ.ଗୃ.କ - ଜମି, ଗୃହ ଓ କଳକବ୍ଜା
ସଂ ମୂ - ସଂରକ୍ଷିତ ମୂଲ୍ୟ

ପରିଚାଳନା ନିର୍ଦ୍ଦେଶକଙ୍କ ଆଦେଶମତେ
ବିଭାଗୀୟ ମୁଖ୍ୟ (ଋଣ ଆଦାୟ ବିଭାଗ)
ଓଡିଶା ରାଜ୍ୟ ଅର୍ଥ ନିଗମ, ଓ.ଏମ.ପି ଛକ, କଟକ - ୩